ପ୍ରେସ୍ ନୋଟ୍

## ଛେଣ୍ଡିପଦାରେ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୨୭.୬:- ଆଜି ପୂର୍ବାହ୍ନରେ ଛେଣ୍ଡିପଦା ପଞ୍ଚାୟତ ସମିତି କାର୍ଯ୍ୟାଳୟ ଠାରେ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୪୬ଟି ଅଭିଯୋଗରୁ ୩୧ଟି ବ୍ୟକ୍ତିଗତ ଓ ୧୫ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଂକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଶିକ୍ଷା, ରାସନକାର୍ଡ, ଜମି ପଟ୍ଟା, ପାନୀୟ ଜଳ, ବିଦ୍ୟୁତ୍ ଓ ଶ୍ରମ କାର୍ଡ ପ୍ରଦାନ ଭଳି ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇଦ୍ଦୁରା ଦିପ୍,ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଛେଣ୍ଡିପଦା ପଞ୍ଚାୟତ ସମିତି ଅଧ୍ୟକ୍ଷା ଶ୍ରୀମତୀ ସୁମିତ୍ରା ସାହୁ, ଛେଣ୍ଡିପଦା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ସଂଜୟ କୁମାର ଆଚାର୍ଯ୍ୟ, ଛେଣ୍ଡିପଦା ତହସିଲଦାର ଶ୍ରୀ ଡାନିଏଲ ଏକ୍କା, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା ୬୨୪ ତା. ୨୭.୦୬. ୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


ଜିଲ୍ଲାପାଳ
ଅଭିଯୋଗ ଶୁଣାଣି ଶିବିର
ସ୍ଥାନ : ପଞ୍ଚାୟତ ସମିତି କାର୍ଯ୍ୟାଳୟ,
ଛେଣ୍ଡିପଦା, ଅନୁଗୋଳ
୨୭.୦୭.୨୦୨୨